ପ୍ରେସ୍ ନୋଟ୍

# ଆଜି ଅନୁଗୋଳ ଜିଲ୍ଲାରୁ ୨୭୭ ଜଣ କରୋନା ପଜିଟିଭ ଚିହ୍ନଟ ।

## ପଜିଟିଭ ସଂଖ୍ୟା ୩୭୯୧୯ରେ ପହଞ୍ଚିଲା - ସୁସ୍ଥ ହେଲେ ୪୯୨ଜଣ ।

ଅନୁଗୋଳ, ତା.୧୧.୦୬:- ଆଜି ଅନୁଗୋଳ ଜିଲ୍ଲାରେ ୨୭୭ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଙ୍କ ମଧ୍ୟରେ ବଅଁରପାଳ ବ୍ଲକ୍ ଅଂଚଳରୁ ୪୯ଜଣ ( ୨୭ଜଣ ପୁରୁଷ ଓ ୨୨ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୩୭ଜଣ (୧୯ ଜଣ ପୁରୁଷ ଓ ୧୮ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୨୯ଜଣ ( ୧୬ଜଣ ପୁରୁଷ ଓ ୧୩ଜଣ ମହିଳା), ପାଲଲହଡା ବ୍ଲକ୍ ଅଂଚଳରୁ ୨୭ଜଣ (୧୯ ଜଣ ପୁରୁଷ ଓ ୮ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୨୬ଜଣ ( ୧୪ଜଣ ପୁରୁଷ ଓ୧୨ ଜଣ ମହିଳା), କିଶୋରନଗର ବ୍ଲକ୍ ଅଂଚଳରୁ ୨୫ଜଣ ( ୧୯ଜଣ ପୁରୁଷ ଓ ୬ଜଣ ମହିଳା), ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୨୨ଜଣ ( ୧୩ଜଣ ପୁରୁଷ ଓ ୯ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୧୯ଜଣ ( ୧୧ଜଣ ପୁରୁଷ ଓ ୮ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୧୮ଜଣ ( ୧୧ଜଣ ପୁରୁଷ ଓ ୭ଜଣ ମହିଳା), ତାଳଚେର ପୌରାଞ୍ଚଳରୁ ୧୫ଜଣ ( ୮ଜଣ ପୁରୁଷ ଓ୭ ଜଣ ମହିଳା) ଓ ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦରୁ ୧୦ଜଣ ( ୭ଜଣ ପୁରୁଷ ଓ ୩ଜଣ ମହିଳା) ଅଛନ୍ତି । ଚିହ୍ନଟ ହୋଇଥିବା ଲକ୍ଷଣଯୁକ୍ତ ଆକ୍ରାନ୍ତମାନଙ୍କୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର କରୋନା ୱାର୍ଡ ଓ ୧୦୫ ଜଣଙ୍କୁ ତାଳଚେର କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୪୯୨ଜଣ ସୁସ୍ଥ ହୋଇଛନ୍ତି । ବର୍ତ୍ତମାନ ସୁଦ୍ଧା ଜିଲ୍ଲାରେ ୧୪୮ ଜଣ ମୃତ୍ୟୁବରଣ କଲେଣି ଏବଂ ଆଜି ସୁଦ୍ଧା ୧ ଲକ୍ଷ ୯୭ ହଜାର ୦୩୩ଜଣଙ୍କୁ ଟିକା ଦିଆଗଲାଣି ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।

ଜ୍ଞାପକ ସଂଖ୍ୟା. ୭୨୪ ତା.୧୧.୦୬.୨୦୨୧ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା ଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ